प्रेस प्रकाशनी PRESS RELEASE

भारतीय रिज़र्व बैंक
RESERVE BANK OF INDIA

वेबसाइट : www.rbi.org.in/hindi
Website : www.rbi.org.in
ई-मेल/email : helpdoc@rbi.org.in

संचार विभाग, केंद्रीय कार्यालय, शहीद भगत सिंह मार्ग, फोर्ट, मुंबई - 400 001
Department of Communication, Central Office, Shahid Bhagat Singh Marg, Fort, Mumbai - 400 001 फोन/Phone: 022 - 2266 0502

22 ମଇ 2025

**ଭାରତୀୟ ରିଜର୍ଭ ବ୍ୟାଙ୍କ ଦ୍ୱାର ଆସ୍କା କେନ୍ଦ୍ରୀୟ ସମବାୟ ବ୍ୟାଙ୍କ ଲିମିଟେଡ୍, ଆସ୍କା, ଓଡ଼ିଶା ଉପରେ ଆର୍ଥିକ ଜରିମାନା ଲାଗୁ**

ଭାରତୀୟ ରିଜର୍ଭ ବ୍ୟାଙ୍କ (ଆରବିଆଇ), 20 ମଇ 2025 ର ଏକ ଆଦେଶ ଅନୁଯାୟୀ, ଆସ୍କା କେନ୍ଦ୍ରୀୟ ସମବାୟ ବ୍ୟାଙ୍କ ଲିମିଟେଡ୍, ଆସ୍କା, ଓଡ଼ିଶା ଉପରେ ଆରବିଆଇ ଦ୍ୱାରା ଜାରି "କୋ-ଅପରେଟିଭ୍ ବ୍ୟାଙ୍କଗୁଡ଼ିକ ଦ୍ୱାରା କ୍ରେଡିଟ୍ ସୂଚନା କମ୍ପାନୀ (CICs) ର ସଦସ୍ୟତା" ସମ୍ବନ୍ଧିତ ନିର୍ଦ୍ଦେଶାବଳୀ ପାଳନ ନକରିଥିବା ହେତୁ, ₹10,000/- (ଦଶ ହଜାର ଟଙ୍କା ମାତ୍ର) ଜରିମାନା ଲଗା ଯାଇଅଛି | କ୍ରେଡିଟ୍ ସୂଚନା କମ୍ପାନୀ (ଅଧିନିୟମ) ନିୟମାବଳୀ, 2005 ର ଧାରା 25(1)(iii) ସହ ପଠିତ ଧାରା 23(4) ଦ୍ୱାରା ପ୍ରଦତ୍ତ କ୍ଷମତା ବଳରେ ଭାରତୀୟ ରିଜର୍ଭ ବ୍ୟାଙ୍କ ଏହି ଜରିମାନା ଲାଗୁ କରିଅଛି ।

31 ମାର୍ଚ୍ଚ 2024 ର ବ୍ୟାଙ୍କର ଆର୍ଥିକ ସ୍ଥିତି ଆଧାରରେ ରାଷ୍ଟ୍ରୀୟ କୃଷି ଏବଂ ଗ୍ରାମୀଣ ବିକାଶ ବ୍ୟାଙ୍କ (ନାବାର୍ଡ) ଦ୍ୱାରା ବ୍ୟାଙ୍କର ବୈଧାନିକ ନିରୀକ୍ଷଣ କରାଯାଇଥିଲା। ପର୍ଯ୍ୟବେକ୍ଷଣ ଅନୁସନ୍ଧାନ ଉପରେ ଆଧାର କରି ଆରବିଆଇ ନିର୍ଦ୍ଦେଶାବଳୀ ଏବଂ ସେହି ସମ୍ବନ୍ଧରେ ସମ୍ପୃକ୍ତ ପତ୍ରାଳାପର ପାଳନ ନ କରିବା ହେତୁ, ବ୍ୟାଙ୍କକୁ ଏକ କାରଣ ଦର୍ଶାଅ ନୋଟିସ ଜାରି କରାଯାଇଥିଲା, ଯେଉଁଥିରେ ବ୍ୟାଙ୍କକୁ ଉପରୋକ୍ତ ନିର୍ଦ୍ଦେଶନାମାକୁ ପାଳନ ନକରିଥିବାରୁ କାହିଁକି ଦଣ୍ଡବିଧାନ କରାଯିବ ନାହିଁ ସେ ସମ୍ପର୍କରେ ସ୍ପଷ୍ଟୀକରଣ ଦେବାକୁ କୁହାଯାଇଥିଲା । ବ୍ୟାଙ୍କ ପ୍ରଦତ୍ତ ନୋଟିସର ଉତ୍ତର ଏବଂ ବ୍ୟକ୍ତିଗତ ଶୁଣାଣି ସମୟରେ କରାଯାଇଥିବା ମୌଖିକ ଉପସ୍ଥାପନାକୁ ବିଚାର କରି, ଆରବିଆଇ ଜାଣିବାକୁ ପାଇଲା ଯେ ବ୍ୟାଙ୍କ ବିରୋଧରେ ନିମ୍ନଲିଖିତ ଅଭିଯୋଗ ବଳବତ୍ତର ରହିଥିଲା, ଯୋଉଁଥିପାଇଁ ଆର୍ଥିକ ଦଣ୍ଡର ଆବଶ୍ୟକତା ଅଛି:

କୌଣସି କ୍ରେଡିଟ୍ ସୂଚନା କମ୍ପାନୀ କୁ ବ୍ୟାଙ୍କ ନିଜର ଗ୍ରାହକ ମାନଙ୍କର କ୍ରେଡିଟ ସୂଚନା ଦେବାରେ ବିଫଳ ହୋଇଛି।

ଏହି କାର୍ଯ୍ୟାନୁଷ୍ଠାନ, ନିୟାମକ ଅନୁପାଳନରେ ହୋଇଥିବା ତ୍ରୁଟି ଉପରେ ଆଧାରିତ ଏବଂ ଏହାର ଗ୍ରାହକ ମାନଙ୍କ ସହିତ ବ୍ୟାଙ୍କ ଦ୍ୱାରା ହୋଇଥିବା କୌଣସି କାରବାର କିମ୍ବା ଚୁକ୍ତିର ବୈଧତା ଉପରେ ପ୍ରଶ୍ନ କରିବା ଉଦ୍ଦେଶ୍ୟରେ ନୁହେଁ | ଏତଦବ୍ୟତିତ, ଆରବିଆଇ ଦ୍ୱାରା ବ୍ୟାଙ୍କ ଉପରେ ଲଗାଯାଇଥିବା ଆର୍ଥିକ ଜରିମାନା ଅନ୍ୟ କୌଣସି କାର୍ଯ୍ୟନୁଷ୍ଠାନ ଉପରେ ପ୍ରତିକୂଳ ପ୍ରଭାବ ପକାଇବ ନାହିଁ ।

(ପୂନୀତ ପଞ୍ଚୋଲି)

ମୁଖ୍ୟ ମହା ପ୍ରବନ୍ଧକ

ପ୍ରେସ୍ ବିଜ୍ଞପ୍ତି: 2025-2026/389